# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**4 August - 2024**

**News Editor : *Itishree Singh Rathaur***

**********************************

# ହର-ଘର ତ୍ରିରଙ୍ଗା-ଅମିତ ଶାହା

କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ହର-ଘର ତ୍ରିରଙ୍ଗା ଅଭିଯାନ ଅଧୀନରେ ନିଜ ଘରେ ତ୍ରିରଙ୍ଗା ପତାକା ଉତ୍ତୋଳନ କରିବାକୁ ଦେଶବାସୀଙ୍କୁ ନିବେଦନ କରିଛନ୍ତି । ଆସନ୍ତା ୯ରୁ ୧୫ତାରିଖ ପର୍ଯ୍ୟନ୍ତ ତ୍ରିରଙ୍ଗା ସହିତ ଏକ ସେଲ୍ଫି ନେଇ ଏହାକୁ ହରଘର ତ୍ରିରଙ୍ଗାର ୱେବସାଇଟ୍‌ରେ ଅପ୍‌ଲୋଡ କରିବାକୁ ଶ୍ରୀ ଶାହା ଆହ୍ୱାନ ଦେଇଛନ୍ତି । ସାମାଜିକ ଗଣମାଧ୍ୟମରେ ସେ ଉଲ୍ଲେଖ କରିଛନ୍ତି ହର-ଘର ତ୍ରିରଙ୍ଗା ଅଭିଯାନ ଗତ ଦୁଇବର୍ଷ ମଧ୍ୟରେ ଏକ ଜାତୀୟ ଆନ୍ଦୋଳନରେ ପରିଣତ ହୋଇଛି । ଏହା ଦେଶର କୋଣ ଅନୁକୋଣରେ ପ୍ରତ୍ୟେକ ଭାରତୀୟଙ୍କ ଏକାଗ୍ରତାକୁ ଜାଗ୍ରତ କରିଛି ବୋଲି ସେ ଲେଖିଛନ୍ତି ।

# ସମୀକ୍ଷା ବୈଠକ

ଉପମୁଖ୍ୟମନ୍ତ୍ରୀ ତଥା କୃଷି ଓ କୃଷକ ସଶକ୍ତିକରଣ ମନ୍ତ୍ରୀ କନକ ବର୍ଦ୍ଧନ ସିଂଦେଓଙ୍କ ଅଧ୍ୟକ୍ଷତାରେ ମୟୂରଭଞ୍ଜ ଜିଲ୍ଲାରେ କୃଷି ଏବଂ ଉଦ୍ୟାନ କୃଷି, ଶକ୍ତି ବିଭାଗର କାର୍ଯ୍ୟର  ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି ।

ବୈଠକରେ ମନ୍ତ୍ରୀ ଶ୍ରୀ ସିଂଦେଓ କୃଷକମାନଙ୍କ ପାଇଁ ହୋଇଥିବା ଯୋଜନା, କାର୍ଯ୍ୟକାରିତା ଏବଂ ରାଜସ୍ୱ ବିଷୟରେ ଆଲୋଚନା କରିଥିଲେ । ଏଥି ସହ ଗ୍ରାମାଞ୍ଚଳରେ ବିଦ୍ୟୁତିକରଣ କାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ ଦେଇଥିଲେ ।

## ସ୍ୱାଧୀନତା ଦିବସ ପାଳନ

ଚଳିତବର୍ଷ ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ଭୁବନେଶ୍ୱର ୟୁନିଟ୍-୩ ସ୍ଥିତ ପ୍ରଦର୍ଶନୀ ପଡିଆରେ ହେବା ପରିବର୍ତ୍ତେ ମହାତ୍ମା ଗାନ୍ଧୀ ମାର୍ଗରେ ଅନୁଷ୍ଠିତ ହେବ ବୋଲି ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି। ୭୮ତମ ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ପ୍ୟାରେଡରେ ଅଭିବାଦନ ଗ୍ରହଣ କରିବା ସହ ଜାତୀୟ ପତାକା ଉତ୍ତୋଳନ କରିବେ । ଏ ନେଇ ସୂଚନା ଓ ଲୋକସମ୍ପର୍କ ବିଭାଗ ପ୍ରମୁଖ ସଚିବ ସଞ୍ଜୟ କୁମାର ସିଂହଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଏହି ଅବସରରେ ଗତ ସାଧାରଣତନ୍ତ୍ର ଦିବସ-୨୦୨୪ରେ ଅଂଶଗ୍ରହଣ କରି ବିଜୟୀ ହୋଇଥିବା ବିଭିନ୍ନ ପ୍ୟାରେଡ ଦଳ ଓ ପ୍ରଜ୍ଞାପନ ମେଢକୁ ମୁଖ୍ୟମନ୍ତ୍ରୀ ପୁରସ୍କୃତ କରିବେ ।

## ଡେଙ୍ଗୁ

ରାଜ୍ୟରେ ଗତକାଲି ୧୧ଟି ଜିଲ୍ଲାରେ ୪୨ଜଣ ଡେଙ୍ଗୁ ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି । ନୂଆ ଆକ୍ରାନ୍ତଙ୍କୁ ମିଶାଇ ମୋଟ ଡେଙ୍ଗୁ ଆକ୍ରାନ୍ତଙ୍କ ସଂଖ୍ୟା

୧ହଜାର ୨୬୪କୁ ବୃଦ୍ଧି ପାଇଥିବା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ମିଳିଛି । ସେହିଭଳି ଗଞ୍ଜାମ ଜିଲ୍ଲାରେ ମୋଟ ୩୧ଜଣ ଡେଙ୍ଗୁ ପଜିଟିଭ ଚିହ୍ନଟ ହୋଇଛନ୍ତି । ରାଜ୍ୟରେ ଜାନୁୟାରୀ ପହିଲାରୁ ଗତକାଲି ସୁଦ୍ଧା ୫୦ହଜାରରୁ ଊର୍ଦ୍ଧ୍ୱ ଡେଙ୍ଗୁ ନମୁନା ପରୀକ୍ଷା କରାଯାଇଥିବା ଜଣାପଡିଛି ।

ଭଦ୍ରକ ଜିଲ୍ଲାରେ ଡେଙ୍ଗୁ ନିରାକରଣ ନିମନ୍ତେ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି । ଜିଲ୍ଲାରେ ଜନସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ମଶାମାନଙ୍କର ଉତ୍ପତ୍ତିସ୍ଥଳ ନଷ୍ଟ କରିବା, ଡେଙ୍ଗୁ ଜ୍ୱରର ପରୀକ୍ଷଣ, ତ୍ୱରିତ ଚିକିତ୍ସା ବ୍ୟବସ୍ଥା ଗ୍ରହଣ କରିବା ଏବଂ ଘର ଘର ବୁଲି ଲୋକଙ୍କ ସ୍ୱାସ୍ଥ୍ୟ ପରୀକ୍ଷଣ କରିବାକୁ ସ୍ୱାସ୍ଥ୍ୟକର୍ମୀମାନଙ୍କୁ  ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି ।

# କେଦାରନାଥରେ ଫସିଛନ୍ତି ଚାରି ବ୍ୟକ୍ତି

ଉତ୍ତରାଖଣ୍ଡର କେଦାରନାଥରେ ଖରାପ ପାଗ ଯୋଗୁଁ ଫସି ରହିଥିବା କେନ୍ଦୁଝର ଜିଲ୍ଲାର ଚାରିଜଣ ବ୍ୟକ୍ତିଙ୍କୁ ସୁରକ୍ଷିତଭାବେ ଉଦ୍ଧାର କରିବା ପାଇଁ ରାଜ୍ୟ ସରକାର ନିର୍ଦ୍ଦେଶ ଦେଇଛନ୍ତି । ଏଥିପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ସେମାନଙ୍କ ସହ ନିରନ୍ତର ଯୋଗାଯୋଗ କରାଯାଉଛି ଏବଂ ଆବଶ୍ୟକ ସହାୟତା ପ୍ରଦାନ କରାଯାଉଛି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି । କେନ୍ଦୁଝର ଜିଲାପାଳ ବିଶାଳ ସିଂ ରୁଦ୍ରପ୍ରୟାଗର ଜିଲ୍ଲାପାଳଙ୍କ ସହ ଏ ସମ୍ପର୍କରେ କଥା ହୋଇଛନ୍ତି । ପାଣିପାଗ ଅନୁକୂଳ ରହିଲେ ଆଜି ସମସ୍ତ

ଜାରିଜଣଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯିବାର ସମ୍ଭାବନା ରହିଛି ବୋଲି ରୁଦ୍ରପ୍ରୟାଗର ଜିଲ୍ଲାପାଳ ପ୍ରତିଶ୍ରୁତି ଦେଇଥିବା ଜଣାପଡିଛି ।

## ଭୂସ୍ଖଳନ-ବିଷ୍ଣୁପ୍ରସାଦ

କେରଳର ଓ୍ୱାୟିନାଡରେ ଭୂସ୍ଖଳନରେ ପ୍ରାଣ ହରାଇଥିବା ଓଡିଆ ଡାକ୍ତର ବିଷ୍ଣୁପ୍ରସାଦ ଚିନ୍ନାରାଙ୍କ ମରଶରୀର ଗତକାଲି ସନ୍ଧ୍ୟାରେ ଭୁବନେଶ୍ୱରେ ପହଞ୍ଚିଛି । ତାଙ୍କ ଅନ୍ତିମ ଦର୍ଶନ ନିମନ୍ତେ ପରିବାର, ବନ୍ଧୁବର୍ଗ ଓ ବହୁ ଶୁଭେଚ୍ଛୁଙ୍କ ଭିଡ ପରିଲକ୍ଷିତ ହୋଇଥିଲା । ସେଠାରୁ ଶେଷ ଦର୍ଶନ ନିମନ୍ତେ ଚୌଦ୍ୱାର ସ୍ଥିତ ତାଙ୍କ ବାସଭବନକୁ ନିଆଯାଇଥିଲା । ପୁରୀ ସ୍ୱର୍ଗଦ୍ୱାର ଠାରେ ତାଙ୍କର ଶେଷକୃତ୍ୟ ହେବ ବୋଲି ଡକ୍ଟର ଚିନ୍ନାରାଙ୍କ ପରିବାର ପକ୍ଷରୁ ସୂଚନା ଦିଆଯାଇଛି । ଅନ୍ୟପକ୍ଷରେ ଡାକ୍ତର ସ୍ୱାଧୀନ ପଣ୍ଡା ଏବେ ବି ନିଖୋଜ ଥିବାବେଳେ ସ୍ଥାନୀୟ ପ୍ରଶାସନ ପକ୍ଷରୁ ସନ୍ଧାନ ଜାରି ରହିଛି ।

## ବେଆଇନ ନର୍ସିଂ କଲେଜ

ରାଜ୍ୟରେ ବେଆଇନଭାବେ ଗଢି ଉଠିଥିବା ୧୪୭ଟି ନର୍ସିଂ କଲେଜର ଏନ.ଓ.ସି ରଦ୍ଦ କରାଯାଇଛି । ଭାରତୀୟ ନର୍ସିଂ ପରିଷଦର ମାର୍ଗଦର୍ଶିକା ଅନୁଯାୟୀ ସମ୍ପୃକ୍ତ ନର୍ସିଂ କଲେଜଗୁଡିକ  ଆବଶ୍ୟକ କାଗଜପତ୍ର ଦାଖଲ କରିପାରି ନ ଥିବାରୁ ଡି.ଏମ୍.ଇ.ଟି. ପକ୍ଷରୁ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି । ତେବେ ଏହ କାର୍ଯ୍ୟାନୁଷ୍ଠାନ ଦ୍ୱାରା ନର୍ସିଂ ପଢୁଥିବା

ଛାତ୍ରଛାତ୍ରୀଙ୍କ ପାଇଁ କୌଣସି ସମସ୍ୟା ହେବ ନାହିଁ ବୋଲି ଡି.ଏମ୍.ଇ.ଟି ପ୍ରଫେସର ସନ୍ତୋଷ କୁମାର ମିଶ୍ର କହିଛନ୍ତି ।

## ପୁରୀ - ଚିତାଲାଗି

ପୁରୀ ଶ୍ରୀମନ୍ଦିରରେ ଆଜି ଶ୍ରାବଣ କୃଷ୍ଣ ଅମାବାସ୍ୟା ତିଥିରେ ଶ୍ରୀଜିଉମାନଙ୍କ ଚିତାଲାଗି ନୀତି ଅନୁଷ୍ଠିତ ହେବ । ପ୍ରଥମ ଭୋଗ ମଣ୍ଡପ ନୀତି ଶେଷ ହେବା ପରେ ମହାପ୍ରଭୁଙ୍କ ମହାସ୍ନାନ, ବେଶ ଓ ସନ୍ଧ୍ୟା ଆଳତୀ ନୀତି କରାଯିବ । ଏଥିପାଇଁ ଅପରାହ୍ନ ୨ଟାରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ୪ଘଣ୍ଟା ପାଇଁ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ମିଳିଛି ।

# ପାଣିପାଗ

ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ହୋଇଯାଇଛି। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ମଙ୍ଗଳବାରଠାରୁ ବର୍ଷାର ପରିମାଣ ବୃଦ୍ଧି ପାଇବାର ସମ୍ଭାବନା ରହିଛି । ଅନ୍ୟପକ୍ଷରେ ରାଜ୍ୟରେ ମୌସୁମୀ ସକ୍ରିୟ ଥିଲେ ସୁଦ୍ଧା ନିଅଣ୍ଟିଆ ବର୍ଷା ସ୍ଥିତି ଜାରି ରହିଥିବା ଜଣାପଡିଛି ।

# ପାଣିପାଗ

ରାଜ୍ୟରେ ବିଭିନ୍ନ ସ୍ଥାନରେ ବର୍ଷା ହୋଇଯାଇଛି। ଭୁବନେଶ୍ୱର ଆଞ୍ଚଳକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ମଙ୍ଗଳବାରଠାରୁ ବର୍ଷାର ପରିମାଣ ବୃଦ୍ଧି ପାଇବାର ସମ୍ଭାବନା ରହିଛି । ଅନ୍ୟପକ୍ଷରେ ରାଜ୍ୟରେ ମୌସୁମୀ ସକ୍ରିୟ ଥିଲେ ସୁଦ୍ଧା ନିଅଣ୍ଟିଆ ବର୍ଷା ସ୍ଥିତି ଜାରି ରହିଥିବା ଜଣାପଡିଛି ।